# ପୌରପରିଷଦ କାର୍ଯ୍ୟାଳୟ : ଝାରସୁଗୁଡ଼ା

## MUNICIPAL OFFICE : JHARSUGUDA


ସଂଖ୍ୟା- ୪୪୫୮

ତା: ୧୮/୦୭/୨୦୨୩

e-Mail : jsgmunicipality@yahoo.com

jharsugudam.hud@nic.in

☎ : ୦୬୬୪୫ -୨୭୩୦୧୯


JHARSUGUDA MUNICIPALITY

**ଅଭିବ୍ୟକ୍ତି ପ୍ରକାଶନ**

ଏତଦ୍ ଦ୍ୱାରା ଝାରସୁଗୁଡା ପୌରପରିଷଦ ର ସମସ୍ତ ୨୪ ଗୋଟି ୱାର୍ଡର ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନଙ୍କ ଅବଗତି ନିମନ୍ତେ ଜଣାଇଦିଆଯାଉଅଛି ଯେ, ମୁକ୍ତା ଯୋଜନା ମାଧ୍ୟମରେ ଆର୍ଥିକ ବର୍ଷ ୨୦୨୩-୨୪ ନିମନ୍ତେ ୱାର୍ଡ ମାନଙ୍କରେ ହେବାକୁ ଥିବା ବିଭିନ୍ନ ଉନ୍ନତି ମୂଳକ କାର୍ଯ୍ୟ ଗୁଡ଼ିକର ନିର୍ମାଣ ନିମନ୍ତେ କାର୍ଯ୍ୟକାରୀ ସଂସ୍ଥା (Implementing Agency) ଭାବେ ଚୟନ କରିବା ପାଇ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନ ମାନଙ୍କ ଠାରୁ ଦରଖାସ୍ତ ଆହ୍ୱାନ କରୁଅଛି। ଏଣୁ, ଏଥି ନିମନ୍ତେ ଆଗ୍ରହୀ ମିଶନ ଶକ୍ତି ଗୋଷ୍ଠୀ/ ବସ୍ତି ବାସିନ୍ଦା ସଂଗଠନ ମାନେ ଆବଶ୍ୟକୀୟ କାଗଜପତ୍ର /ଦସ୍ତାବିଜ ସହ **ତା ୨୯.୦୭.୨୦୨୩ ରିଖ ଅପରାହ୍ନ ୩ ଟା ସୁଦ୍ଧା କେବଳ ସ୍ପୀଡ ପୋଷ୍ଟ/ରେଜିଷ୍ଟ୍ରି ପୋଷ୍ଟ କିମ୍ବା ପୌରପରିଷଦ ରେ ଥିବା ଟେଣ୍ଡର ବାକ୍ସ ରେ ସିଧା ସଳଖ ପକେଇ ଆବେଦନ କରିପାରିବେ** । ଧାର୍ଯ୍ୟ ସମୟ ପରେ କୌଣସି ଆବେଦନ ପତ୍ର ଗ୍ରହଣ କରାଯିବ ନାହିଁ ଏବଂ ଆସନ୍ତା **ତା ୨୯.୦୭.୨୦୨୩ରିଖ ୪.୦୦ ଘଟିକା** ସମୟରେ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନ କିମ୍ବା ସେମାନଙ୍କ ପ୍ରତିନିଧିଙ୍କ ଉପସ୍ଥିତିରେ ନିମ୍ନ ସ୍ୱାକ୍ଷ୍ୟରକାରୀଙ୍କ କାର୍ଯ୍ୟାଳୟ ରେ ଖୋଲାଯିବା ପାଇଁ ସ୍ଥିର କରାଯାଇଅଛି। ଆଗ୍ରହୀ ମିଶନ ଶକ୍ତି ଗୋଷ୍ଠୀ/ବସ୍ତି ବାସିନ୍ଦା ସଂଗଠନ ଏହି ଅଭିବ୍ୟକ୍ତି ପ୍ରକାଶନ ସହ ଜଡିତ ଆବେଦନ ପତ୍ର ଝାରସୁଗୁଡା ଜିଲ୍ଲା ୱେବସାଇଟ **www.jharsuguda.nic.in** ରୁ ମଧ୍ୟ ଡାଉନଲୋଡ କରିପାରିବେ। **ଲଫାଫା ର ଉପରେ "ମୁକ୍ତା ଯୋଜନା ଦ୍ୱାରା ସହର ରୂପାନ୍ତରିକରଣ ନିମନ୍ତେ ଆର୍ଥିକ ବର୍ଷ ୨୦୨୩ – ୨୦୨୪ ପାଇଁ ଅନୁମୋଦିତ ହୋଇଥିବା କାର୍ଯ୍ୟ ର ଆବେଦନ" ଲେଖାଥିବା ଆବଶ୍ୟକ** । ଅଧିକ ଜାଣିବା ପାଇଁ ଝାରସୁଗୁଡା ପୌରପରିଷଦ କାର୍ଯ୍ୟାଳୟ ସହ ଯୋଗାଯୋଗ କରି ପାରନ୍ତି।

**ବିଶେଷ ଦ୍ରଷ୍ଟବ୍ୟ**

୧. -ଯେଉଁ ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଝାରସୁଗୁଡା ପୌରପରିଷଦ କିମ୍ବା ଜିଲ୍ଲା ଦ୍ୱାରା କୌଣସି ଚୁକ୍ତି ଭିତ୍ତିକ କାର୍ଯ୍ୟ ଯଥା -(ଆହାର, FSTP , MCC, MRF, ଚୁଡା ଛତୁଆ ଇତ୍ୟାଦିରେ ) କିମ୍ବା ମୁକ୍ତା ଯୋଜନାର କୌଣସି କାର୍ଯ୍ୟରେ ସମ୍ପୃକ୍ତ ହୋଇନଥିବେ ସେହି ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀକୁ ଅଗ୍ରାଧିକାର ଦିଆଯିବ ।

**କାର୍ଯ୍ୟନିର୍ବାହୀ ଅଧିକାରୀ**
**ଝାରସୁଗୁଡ଼ା ପୌରପରିଷଦ**

**ପରିପତ୍ର ସଂଖ୍ୟା :** ୪୪୫୯ **/ତାରିଖ :** ୧୮/୦୭/୨୦୨୩

ଏହାର ଏକକିତା ନକଲ ଶିଶୁ ବିକାଶ ଯୋଜନା ଅଧିକାରୀ , ଝାରସୁଗୁଡାଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା । ବିଜ୍ଞାପନ ଟି ୱାର୍ଡ ମାନଙ୍କର ସମସ୍ତ ମିଶନ ଶକ୍ତି ଗୋଷ୍ଠୀ ମାନଙ୍କ ଦୃଷ୍ଟିକୁ ଆଣିବାକୁ ଅନୁରୋଧ ।

**କାର୍ଯ୍ୟନିର୍ବାହୀ ଅଧିକାରୀ**
**ଝାରସୁଗୁଡ଼ା ପୌରପରିଷଦ**

ପରିପତ୍ର ସଂଖ୍ୟା : ୪୪୭୦ /ତାରିଖ : ୧୫/୦୭/୨୦୨୩

ଏହାର ଏକକିତା ନକଲ ସମସ୍ତ ୱାର୍ଡ ଅଧିକାରୀ, ସିଏମଏମ/ଗୋଷ୍ଠୀ ସଙ୍ଗଠିକା ଝାରସୁଗୁଡା ପୌରପରିଷଦ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା । ବିଜ୍ଞାପନ ଟି ଉପରୋକ୍ତ ୱାର୍ଡ ର ସମସ୍ତ ମିଶନ ଶକ୍ତି ଗୋଷ୍ଠୀ ମାନଙ୍କର ଦୃଷ୍ଟି ଗୋଚର ହେଲା ବୋଲି ପ୍ରାମାଣିକ ହସ୍ତାକ୍ଷର ସହ ଯୋଗାଇ ଦେବାକୁ ଅନୁରୋଧ ।

ଏହାର ଏକ କିତା ନକଲ ଅଫିସ ନୋଟିସ ବୋର୍ଡ ରେ ସମସ୍ତଙ୍କ ଅବଗତି ନିମନ୍ତେ ଛପାଗଲ ।

କାର୍ଯ୍ୟନିର୍ବାହୀ ଅଧିକାରୀ
ଝାରସୁଗୁଡ଼ା ପୌରପରିଷଦ

ପରିପତ୍ର ସଂଖ୍ୟା : ୪୪୭୧ /ତାରିଖ : ୧୫/୦୭/୨୦୨୩

ଏହାର ଏକକିତା ନକଲ DIO NIC ଝାରସୁଗୁଡାଙ୍କୁ ଜିଲ୍ଲା ୱେବସାଇଟ ରେ ଅପଲୋଡ କରିବା ନିମନ୍ତେ ପ୍ରେରଣ କରାଗଲା ।

କାର୍ଯ୍ୟନିର୍ବାହୀ ଅଧିକାରୀ
ଝାରସୁଗୁଡ଼ା ପୌରପରିଷଦ

ପରିପତ୍ର ସଂଖ୍ୟା : ୪୪୭୨ /ତାରିଖ : ୧୫/୦୭/୨୦୨୩

ଏହାର ଏକକିତା ନକଲ ପ୍ରକଳ୍ପ ନିର୍ଦ୍ଦେଶକ, ଜିଲ୍ଲା ସହରାଞ୍ଚଳ ଉନ୍ନୟନ ସଂସ୍ଥା ଝାରସୁଗୁଡାଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା ।

କାର୍ଯ୍ୟନିର୍ବାହୀ ଅଧିକାରୀ
ଝାରସୁଗୁଡ଼ା ପୌରପରିଷଦ

ପରିପତ୍ର ସଂଖ୍ୟା : ୪୪୭୩ /ତାରିଖ : ୧୫/୦୭/୨୦୨୩

ଏହାର ଏକକିତା ନକଲ ଜିଲ୍ଲାପାଳଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ନିମନ୍ତେ ପ୍ରେରଣ କରାଗଲା ।

କାର୍ଯ୍ୟନିର୍ବାହୀ ଅଧିକାରୀ
ଝାରସୁଗୁଡ଼ା ପୌରପରିଷଦ

ପରିପତ୍ର ସଂଖ୍ୟା : ୪୪୭୪ /ତାରିଖ : ୧୫/୦୭/୨୦୨୩

ଏହାର ଏକକିତା ନକଲ MUKTA Cell, ଗୃହ ଓ ନଗର ଉନ୍ନୟନ ବିଭାଗ ଓଡିଶା ଭୁବନେଶ୍ୱରଙ୍କ ଅବଗତି ନିମନ୍ତେ ପ୍ରେରଣ କରାଗଲା ।

କାର୍ଯ୍ୟନିର୍ବାହୀ ଅଧିକାରୀ
ଝାରସୁଗୁଡ଼ା ପୌରପରିଷଦ

ପରିପତ୍ର ସଂଖ୍ୟା : ୪୪୭୫ /ତାରିଖ : ୧୫/୦୭/୨୦୨୩

ଏହାର ଏକକିତା ନକଲ ଉପ-ନିର୍ଦ୍ଦେଶକ, I&PR ଓଡିଶା ସରକାର, ଭୁବନେଶ୍ୱର ଙ୍କ ଅବଗତି ଓ ବିହିତ କାର୍ଯ୍ୟାନୁଷ୍ଠାନ ଯଥା ୨ ଗୋଟି ଦୈନିକ ଖବର କାଗଜ ର ଏକକ ଏଡିସନ ରେ ପ୍ରକାଶ କରିବା ନିମନ୍ତେ ପ୍ରେରଣ କରାଗଲା ।

କାର୍ଯ୍ୟନିର୍ବାହୀ ଅଧିକାରୀ
ଝାରସୁଗୁଡ଼ା ପୌରପରିଷଦ

## ମିଶନ ଶକ୍ତି ଗୋଷ୍ଠୀର ଯୋଗ୍ୟତା ପରିମାପକ ମାନଦଣ୍ଡ

୧ - ଆବେଦନ କରୁଥିବା ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ସମ୍ପୃକ୍ତ ୱାର୍ଡର ହୋଇଥିବେ ।
୨ - ପଞ୍ଚ ସୂତ୍ର ନିୟମକୁ ଅନୁପାଳନ କରୁଥିବେ ( ନିୟମିତ ବୈଠକ, ନିୟମିତ ସଞ୍ଚୟ, ନିୟମିତ ଗୋଷ୍ଠୀ ମଧରେ ଋଣ କାରବାର, ନିୟମିତ ପରିଶୋଧ, ନିୟମିତ ହିସାବ ରଖିବା ଇତ୍ୟାଦି) ।
୩ - ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀର ପରମାନେଣ୍ଟ ଏକାଉଣ୍ଟ (ପାନ ନମ୍ବର ) ଥିବ ।
୪ - ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀର ସକ୍ରିୟ ଜମା ଖାତା ଥିବ ।
୫ -କୌଣସି ଆର୍ଥିକ ଅନିୟମିତତା ଯଥା ଋଣ, ଏନ. ପି. ଏ କିମ୍ବା ୱାନ ଟାଇମ ସେଟେଲମେଣ୍ଟ ଘୋଷିତ ହୋଇନଥିବ ।
୬ - ମିଶନ ଶକ୍ତି ସ୍ୱୟଂ ସହାୟକ ଗୋଷ୍ଠୀ ଆର୍ଥିକ ବର୍ଷରେ ୪୦ ଲକ୍ଷରୁ ଅଧିକ କାର୍ଯ୍ୟ କରିନଥିବେ ।
୭ -ମିଶନ ଶକ୍ତି ଗୋଷ୍ଠୀର ପଞ୍ଜିକରଣ ଅଭିବ୍ୟକ୍ତି ପ୍ରକାଶନର ତାରିଖ ପୂର୍ବରୁ ଏକ ବର୍ଷ ହୋଇଥିବ ।

## ଆବେଦନ ପତ୍ର ସହ ଆବଶ୍ୟକ କାଗଜପତ୍ର ପ୍ରଦାନ କରିବେ

- ମିଶନ ଶକ୍ତି ଗୋଷ୍ଠୀ ଗଠନ ରିଜୋଲ୍ୟୁସନ୍ ର ଫଟୋକପି ।
- ମୁକ୍ତା କାର୍ଯ କରିବା ନିମନ୍ତେ ମିଶନ ଶକ୍ତି ଗୋଷ୍ଠୀ ଦ୍ୱାରା ପାସ୍ ହୋଇଥିବା ରିଜୋଲ୍ୟୁସନ୍ ର ଫଟୋକପି ।
- ମିଶନ ଶକ୍ତି ଗୋଷ୍ଠୀ ବ୍ୟାଙ୍କ ପାସବୁକର ଫଟୋକପି (ପ୍ରଥମ ଏବଂ ଶେଷ ପୃଷ୍ଠା)।
- ମିଶନ ଶକ୍ତି ଗୋଷ୍ଠୀ ଗ୍ରୁପ୍ ନାମରେ ଥିବା ନିଜସ୍ୱ ପାନ୍ କାର୍ଡ ଫଟୋକପି ।
- ମିଶନ ଶକ୍ତି ଗୋଷ୍ଠୀଙ୍କ ବିଗତ ୬ ମାସ ର ରିଜୋଲୁସନ ଫଟୋକପି ।
- ମିଶନ ଶକ୍ତି ଗୋଷ୍ଠୀଙ୍କ ଶେଷ ୨ବର୍ଷ ର ବ୍ୟାଙ୍କ ଷ୍ଟେଟମେଣ୍ଟ ଫଟୋକପି ।
- ମିଶନ ଶକ୍ତି ଗୋଷ୍ଠୀ କ୍ୟାଶ୍ ବୁକ୍ ର ଫଟୋକପି ।
- ସଭାପତି ଓ ସମ୍ପାଦିକା ଙ୍କ ID (ଆଧାର) ନକଲ
- ପୂର୍ବରୁ ପାଇଥିବା କାର୍ଯ୍ୟାଦେଶର ପ୍ରମାଣ ପତ୍ର
- ଘୋଷଣା ପତ୍ର ରେ ଦସ୍ତଖତ କରି ଦାଖଲ

**କାର୍ଯ୍ୟନିର୍ବାହୀ ଅଧିକାରୀ**
**ଝାରସୁଗୁଡ଼ା ପୌରପରିଷଦ**